# ଗ୍ରାମୀଣ କୃଷି ମୌସମ ସେବା
# ଭାରତ ପାଣିପାଗ ବିଭାଗ
# ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ
# ଆଞ୍ଚଳିକ ଗବେଷଣା ଓ ବୈଷୟିକ ପ୍ରସାରଣ କେନ୍ଦ୍ର, ଚିପିଲିମା

ସଂଖ୍ୟା - ୫୧ (ଓଡ଼ିଆ ବୁଲେଟିନ)　　ସପ୍ତାହ - ୨୬　　ତାରିଖ: ୨୬.୦୬.୨୦୨୫

## ଜିଲ୍ଲା – ବୌଦ୍ଧ

## ପର୍ଯ୍ୟବେକ୍ଷଣ କେନ୍ଦ୍ରରେ ୨୦.୦୬.୨୦୨୫ ରୁ ୨୬.୦୬.୨୦୨୫ ମଧ୍ୟରେ ରେକର୍ଡ କରାଯାଇଥିବା ସର୍ବାଧିକ ଏବଂ ସର୍ବନିମ୍ନ ତାପମାତ୍ରା ଏବଂ ଜିଲ୍ଲାର ହାରାହାରି ବର୍ଷାପାତ

| | ସର୍ବାଧିକ ତାପମାତ୍ରା (ଡିଗ୍ରୀ ସେ.) | | | | | | | ସର୍ବନିମ୍ନ ତାପମାତ୍ରା (ଡିଗ୍ରୀ ସେ.) | | | | | | | ବୃଷ୍ଟିପାତ (ମିଲି ମିଟର) | | | | | | |
|---|---|---|---|---|---|---|---|---|---|---|---|---|---|---|---|---|---|---|---|---|---|
| ତାରିଖ | ୨୦ | ୨୧ | ୨୨ | ୨୩ | ୨୪ | ୨୫ | ୨୬ | ୨୦ | ୨୧ | ୨୨ | ୨୩ | ୨୪ | ୨୫ | ୨୬ | ୨୦ | ୨୧ | ୨୨ | ୨୩ | ୨୪ | ୨୫ | ୨୬ |
| ବୌଦ୍ଧ | 36 | 36 | 37 | 36 | 36 | 36 | - | 22 | 23 | 22 | 23 | 23 | 23 | 23 | 3.6 | 0.8 | 3.5 | 0.8 | 14.9 | 0.8 | 50.8 |

## ଆସନ୍ତା ପାଞ୍ଚ ଦିନର ପାଣିପାଗ ପୂର୍ବାନୁମାନ

| ପାଣିପାଗ କାରକ | ୨୭-୦୬-୨୦୨୫ | ୨୮-୦୬-୨୦୨୫ | ୨୯-୦୬-୨୦୨୫ | ୩୦-୦୬-୨୦୨୫ | ୦୧-୦୭-୨୦୨୫ |
|---|---|---|---|---|---|
| ବୃଷ୍ଟିପାତ (ମିଲି ମିଟର) | 40 | 8.9 | 5.9 | 5.1 | 5.1 |
| ସର୍ବାଧିକ ତାପମାତ୍ରା (° ସେଣ୍ଟିଗ୍ରେଡ) | 35 | 35 | 35 | 36 | 36 |
| ସର୍ବନିମ୍ନ ତାପମାତ୍ରା (° ସେଣ୍ଟିଗ୍ରେଡ) | 22 | 22 | 23 | 23 | 23 |
| ମେଘ ଆବରଣ(ଓକଟା) | 7 | 5 | 5 | 4 | 4 |
| ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା (ଶତକଡା %) | 83 | 81 | 83 | 80 | 78 |
| ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା (ଶତକଡା %) | 56 | 56 | 59 | 54 | 56 |
| ପବନର ବେଗ (କିମି/ଘଣ୍ଟା ପ୍ରତି) | 7 | 6 | 9 | 14 | 14 |
| ପବନର ଦିଗ (ଡିଗ୍ରୀ) | 255 | 230 | 242 | 251 | 255 |

ଅଧିକ ଜାଣିବା ପାଇଁ, ଭାରତୀୟ ପାଣିପାଗ ବିଭାଗ, ଭୁବନେଶ୍ୱର, ଟେଲିଫୋନ# ୦୬୭୪-୨୫୯୬୧୧୬ରେ ଯୋଗାଯୋଗ କରନ୍ତୁ

## ପାଣିପାଗ ସାରାଂଶ/ସତର୍କ ସୂଚନା :

ଭାରତ ପାଣିପାଗ ବିଜ୍ଞାନ ବିଭାଗ, ମୌସମ ବିଜ୍ଞାନ କେନ୍ଦ୍ର, ଭୁବନେଶ୍ୱରର ମଧ୍ୟମ ଅବଧି ପୂର୍ବାନୁମାନ ଅନୁଯାୟୀ, ଆଗାମୀ ସପ୍ତାହରେ ହାଲୁକା ରୁ ମଧ୍ୟମ ଧରଣର ବର୍ଷା ହେବାର ସମ୍ଭାବନା ସହିତ ଗୋଟେ କିମ୍ବା ଦୁଇଟା ସ୍ଥାନରେ ଝଡ଼ପବନ କିମ୍ବା ବଜ୍ରପାତ ସହିତ ଭାରି ବର୍ଷା ହେବାର ସମ୍ଭାବନା ରହିଅଛି ଏବଂ ଏହି ସମୟ ଅବଧିରେ ଆକାଶ ସାଧାରଣତଃ ମେଘାଛନ୍ନ ଦେଖାଯାଇପାରେ । ଆସନ୍ତା ସପ୍ତାହରେ ଉଭୟ ସର୍ବାଧିକ (ଦିନର) ଓ ସର୍ବନିମ୍ନ ତାପମାତ୍ରାରେ କୌଣସି ବିଶେଷ ପରିବର୍ତ୍ତନର ସମ୍ଭାବନା ନାହିଁ । ଆଗାମୀ ପାଞ୍ଚ ଦିନ ମଧ୍ୟରେ ଆର୍ଦ୍ରତାରେ ବୃଦ୍ଧି ସହିତ ୬ ରୁ ୧୪ କି.ମି. ପ୍ରତି ଘଣ୍ଟା ବେଗରେ ଦକ୍ଷିଣ-ପଶ୍ଚିମ ଦିଗରୁ ପବନ ବହିବାର ସମ୍ଭାବନା ବନିପାରେ ।

## ସାଧାରଣ ଉପଦେଶ

- ଉପଗ୍ରହ ଉତ୍ପାଦରୁ ପ୍ରାପ୍ତ ହୋଇଥିବା କୃଷି ସବୁଜତା ପରିବର୍ତନ ମାନଚିତ୍ର ଅନୁସାରେ ୧୯ ରୁ ୨୫ ଜୁନ୍, ୨୦୨୫ ମଧ୍ୟରେ ଜିଲ୍ଲାର ଅଧିକାଂଶ ସ୍ଥାନରେ କୃଷି ସବୁଜତା କମ ରୁ ମଧ୍ୟମ ଧରଣର ରହିଅଛି ।
- ଆଗାମୀ ସପ୍ତାହରେ ଝଡ଼ତୋଫାନ/ବିଜୁଳି ଘଡ଼ ଘଡି ସହିତ ହାଲୁକା ରୁ ମଧ୍ୟମ ବର୍ଷା ଏବଂ ଜିଲ୍ଲାର ଗୋଟିଏ କିମ୍ବା ଦୁଇଟି ସ୍ଥାନରେ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି, ତେଣୁ ଚାଷୀମାନଙ୍କୁ କୃଷି କାର୍ଯ୍ୟ ଯଥା ବୁଣା, ରୋପଣ, ସିଞ୍ଚନ ଇତ୍ୟାଦି କରିବା ସମୟରେ ସତର୍କତା ଅବଲମ୍ବନ କରିବାକୁ ପରାମର୍ଶ ଦିଆଯାଇଅଛି ।

- ପାଣିପାଗର ପ୍ରଚଳିତ ସ୍ଥିତି (ମେଘୁଆ ପାଗ ସହିତ ଅଧିକ ଆର୍ଦ୍ରତା) ଫଳ ଓ ପନିପରିବା ଫସଲରେ ମୂଳ ପଚା, ଝାଉଳା, ଫଳ ପଚା, କାଣ୍ଡ ପଚା ଇତ୍ୟାଦି ବିଭିନ୍ନ ରୋଗର ସମ୍ଭାବନା ବୃଦ୍ଧି କରିପାରେ । ତେଣୁ ଚାଷୀମାନଙ୍କୁ ଏହି ରୋଗଗୁଡ଼ିକର ଆକ୍ରମଣ ପ୍ରତି ନିଜ ଫସଲର ନିୟମିତ ନିରୀକ୍ଷଣ କରିବାକୁ ପରାମର୍ଶ ଦିଆଯାଇଅଛି ।

## ସଂକ୍ଷିପ୍ତ ଉପଦେଶ

- ଭାରତ ପାଣିପାଗ ବିଭାଗର ଜିଲ୍ଲାସ୍ତରୀୟ ପୂର୍ବାନୁମାନ ଅନୁଯାୟୀ, ଆଗାମୀ ସପ୍ତାହର ପ୍ରଥମାର୍ଦ୍ଧରେ ପ୍ରବଳ ରୁ ଅତି ପ୍ରବଳ ବର୍ଷା ହେବ ବୋଲି ପୂର୍ବାନୁମାନ କରାଯାଉଛି, ତେଣୁ ଚାଷୀମାନଙ୍କୁ ଜଳସେଚନ ଏବଂ ସିଞ୍ଚନ କାର୍ଯ୍ୟ ପାଇଁ କିଛି ଦିନ ଅପେକ୍ଷା କରିବାକୁ ପରାମର୍ଶ ଦିଆଯାଇଅଛି ।

## ପାଣିପାଗ ଭିତ୍ତିକ କୃଷି ଏବଂ ପଶୁପାଳନ ଉପଦେଶ

| ଫସଲର ନାମ | ଫସଲ ଅବସ୍ଥା | କୃଷି ଏବଂ ପଶୁପାଳନ ପାଇଁ ପାଣିପାଗ ଭିତ୍ତିକ ପରାମର୍ଶ |
|---|---|---|
| ବର୍ଷା ଦିନିଆ ଧାନ | ଜମି ପ୍ରସ୍ତୁତି / ନର୍ସରୀ ପ୍ରସ୍ତୁତି | • ପ୍ରଚଳିତ ବର୍ଷାର ସ୍ଥିତିକୁ ବିଚାରକୁ ନେଇ, ଚାଷୀମାନଙ୍କୁ ଖରିଫ ଧାନ ଫସଲର ନର୍ସରୀ ବୁଣା ପାଇଁ ଜମି ପ୍ରସ୍ତୁତି ଆରମ୍ଭ କରିଦେବାକୁ ପରାମର୍ଶ ଦିଆଯାଇଅଛି ।<br>• ଓଦା ତଳି ଘେରା ପାଇଁ, ପୂର୍ବ-ଅଙ୍କୁରିତ ବିହନଗୁଡ଼ିକୁ ସମ୍ପୂର୍ଣ୍ଣ ଭାବରେ କାଦୁଅ ହୋଇଥିବା ସମତଳ ମାଟିରେ ଛାଟି ଦିଆଯାଏ । ପାଣିକୁ ସଠିକ୍ ଭାବରେ ନିଷ୍କାସନ କରିବା ପାଇଁ ଡ୍ରେନେଜ୍ କେନାଲ ନିର୍ମାଣ କରାଯିବା ଆବଶ୍ୟକ ।<br>• ଗୋଟେ ଏକର ଜମିରେ ରୋପଣ ପାଇଁ ପ୍ରାୟ ୩୨୦ ବର୍ଗ ମିଟର କ୍ଷେତ୍ରଫଳ ବିଶିଷ୍ଟ ନର୍ସରୀ ତଳି ଘରା ଆବଶ୍ୟକ ହୋଇଥାଏ । ୧୦ ସେମି ଉଚ୍ଚ, ୧.୨ ରୁ ୧.୫ ମିଟର ଚଉଡା ଏବଂ ସୁବିଧାଜନକ ଲମ୍ବ ବିଶିଷ୍ଟ ଓଦା ନର୍ସରୀ ପ୍ରସ୍ତୁତ କରନ୍ତୁ । ଦୁଇଟି ବେଡ୍ ମଧ୍ୟରେ ୩୦ ରୁ ୪୫ ସେମି ଚଉଡାର ଭଲ ଭାବରେ ଜଳସେଚନ/ନିଷ୍କାସନ ପଥ ରଖିବା ଆବଶ୍ୟକ ।<br>• ନର୍ସରୀ ବୁଣା ପାଇଁ ଭଲ ଅମଳ ଦେଉଥିବା କିସମ ପାଇଁ ଏକର ପ୍ରତି ୧୨-୧୬ କିଲୋଗ୍ରାମ ବିହନ ଏବଂ ହାଇବ୍ରିଡ୍ ପାଇଁ ୫-୬ କିଲୋଗ୍ରାମ ବିହନ ବ୍ୟବହାର କରନ୍ତୁ । ପ୍ରତି ୧୦୦ ବର୍ଗ ମିଟର ନର୍ସରୀ ପାଇଁ କମ୍ ଉର୍ବର ଜମିରେ ଜମି ପ୍ରସ୍ତୁତି ସମୟରେ ଓଦା ନର୍ସରୀରେ ନାଇଟ୍ରୋଜେନ୍, ଫସଫରସ୍ ଏବଂ ପଟାସ ସାର ଯଥାକ୍ରମେ ୦.୫-୧.୦ କିଲୋଗ୍ରାମ, ୦.୫ କିଲୋଗ୍ରାମ ଓ ୦.୫ କିଲୋଗ୍ରାମ ପ୍ରୟୋଗ କରନ୍ତୁ । |
| ମକା | ବୁଣିବା ଅବସ୍ଥା | • ଆଗାମୀ ବର୍ଷାକୁ ଦୃଷ୍ଟିରେ ରଖି, ଚାଷୀମାନଙ୍କୁ ମକା ବିହନ ବୁଣିବା ସମୟରେ ଉପଯୁକ୍ତ ଯତ୍ନ ନେବାକୁ ପରାମର୍ଶ ଦିଆଯାଇଛି । ଚାଷୀମାନେ କ୍ଷେତରୁ ଅତିରିକ୍ତ ପାଣି ନିଷ୍କାସନ କରିବା ପରେ ମକା ବିହନ ବୁଣିବା ଆରମ୍ଭ କରିବା ଉଚିତ । ଯଦି ଆବଶ୍ୟକ ପଡ଼େ, ଯେଉଁଠି ଅଧିକ ବର୍ଷା ଯୋଗୁଁ ବିହନ ଧୋଇ ହୋଇଯାଇଛି କିମ୍ବା ଅଂକୁରଣ ହୋଇ ନାହିଁ ସେଠି ପୁଣିଥରେ ବିହନ ବୁଣନ୍ତୁ । |
| ଚିନାବାଦାମ | ବୁଣିବା ଅବସ୍ଥା | • ଚାଷୀମାନେ ଚିନାବାଦାମ ଫସଲରେ ବୁଣା କାର୍ଯ୍ୟ ପାଇଁ କିଛି ଦିନ ଅପେକ୍ଷା କରିବା ଉଚିତ କାରଣ ଆଗାମୀ ଦିନରେ ପ୍ରବଳ ବର୍ଷା ହେବାର ସମ୍ଭାବନା ଅଛି ଯାହା ବିହନ ଅଙ୍କୁରକୁ ପ୍ରଭାବିତ କରିପାରେ । |
| ଫଳ ଓ ପନିପରିବା ଚାଷ | ନର୍ସରୀ ବୁଣା / ଚାରା / ରୋପଣ | • ଫଳ ଏବଂ ପନିପରିବା ଫସଲରେ ଅତିରିକ୍ତ ଜଳର ନିଷ୍କାସନ ପରେ ବିହନ ବୁଣା ଏବଂ ଚାରା ରୋପଣ କାର୍ଯ୍ୟ କରାଯିବା ଉଚିତ ଏବଂ ନର୍ସରୀ ବେଡ (ତଳି ଘେରା) ରେ ପର୍ଯ୍ୟାପ୍ତ ଜଳ ନିଷ୍କାସନର ବ୍ୟବସ୍ଥା ସୁନିଶ୍ଚିତ କରନ୍ତୁ ।<br>• ପ୍ରଚଳିତ ପାଗ ଯୋଗୁଁ ବିଭିନ୍ନ ପ୍ରକାର ରୋଗର ସଂକ୍ରମଣ ବଢ଼ିବାର ଦେଖାଯାଇପାରେ ତେଣୁ ଏହା ପ୍ରତି ନଜର ରଖିବା ପାଇଁ ପରାମର୍ଶ ଦିଆଯାଇଅଛି । |
| ଗୋରୁ ଗାଈ ଓ ମଇଷି | | • ପୂର୍ବ ଦିନଗୁଡିକରେ ହୋଇଥିବା ଭାରି ବର୍ଷା ଯୋଗୁଁ ଅନେକ ପ୍ରକାରର ସଂକ୍ରାମକ ପଶୁ ରୋଗ ଯେପରିକି ସାହାଣ, ବଜବଜିଆ, ଫାଟୁଆ ଆଦି ରୋଗମାନଙ୍କର ସଂକ୍ରମଣ ଏବଂ ମଶା, ମାଛି ଓ ବିଭିନ୍ନ ଅଣୁଜୀବଙ୍କ ସଂଖ୍ୟା ବୃଦ୍ଧି ପାଇପାରେ, ତେଣୁ ଏହା ପ୍ରତି ସତର୍କ ରୁହନ୍ତୁ ଏବଂ ଯଥାଶୀଘ୍ର ଏହି ରୋଗମାନଙ୍କ ପାଇଁ ଟୀକାକରଣର ବ୍ୟବସ୍ଥା କରନ୍ତୁ ଓ ଆବଶ୍ୟକ ସ୍ଥଳେ କୃମିନାଶକ ଔଷଧର ସେବନ ନିଶ୍ଚୟ କରାନ୍ତୁ ।<br>• ବଜ୍ରପାତ / ବିଜୁଳି ସମୟରେ ପଶୁମାନଙ୍କୁ କୌଣସି ପ୍ରକାରର ବୈଦ୍ୟୁତିକ ଉପକରଣରୁ ଦୂରରେ ରଖନ୍ତୁ ଏବଂ ବାହାରେ ଖୋଲାରେ ବାନ୍ଧନ୍ତୁ ନାହିଁ । |
| କୁକୁଡ଼ା | | • କୁକୁଡ଼ାମାନଙ୍କ କ୍ଷେତ୍ରରେ ବର୍ଷାଦିନେ ସାଧାରଣତଃ ଶ୍ବାସ ଜନିତ ରୋଗ, ଝାଡାରୋଗ ଓ ଆନ୍ତ୍ରିକ ରୋଗ ଦେଖିବାକୁ ମିଳିପାରେ । ବର୍ଷାଦିନେ ପାନୀୟ ଜଳ ଦୂଷିତ ହେଉଥିବା ଯୋଗୁଁ ବିଶୁଦ୍ଧ ପାନୀୟ ଜଳର ବ୍ୟବସ୍ଥା ନିହାତି କରିବା ଦରକାର ।<br>• କୁକୁଡ଼ା ଘରକୁ ବାୟୁ ଚଳପ୍ରଚଳର ସୁବିଧା ସହିତ ବର୍ଷା ଜଳ ଘର ଭିତରକୁ ସିଧା ନ ପଶିବା ପାଇଁ ଉପଯୁକ୍ତ ବ୍ୟବସ୍ଥା କରିନିଅନ୍ତୁ ଯେପରିକି |

| | |
|---|---|
| | କୁକୁଡ଼ା ସେଡର ଉପର ପାର୍ଶ୍ୱରେ ୧ ରୁ ୨ ଫୁଟ୍ ଖୋଲା ରଖନ୍ତୁ ଏବଂ ସେଡର ପାର୍ଶ୍ୱ କାନ୍ଥଗୁଡିକ ପଲିଥିନ ପରଦା ଦ୍ୱାରା ସମ୍ପୂର୍ଣ୍ଣ ଆଚ୍ଛାଦିତ ରଖନ୍ତୁ । କିଟମାନଙ୍କ ଆକ୍ରମଣରୁ କୁକୁଡ଼ାମାନଙ୍କୁ ରକ୍ଷା କରିବା ପାଇଁ ସେଡର ଚାରିପାଖରେ ଥିବା ନାଲିଗୁଡିକୁ ସ୍ୱଚ୍ଛ ଓ ସୁଖା ରଖନ୍ତୁ ଏବଂ ବର୍ଷା ଜଳ ସେଡ୍ ଭିତରକୁ ସିଧାସଳଖ ପ୍ରବେଶକୁ ନ କରିବା ପାଇଁ ଉଚିତ ବ୍ୟବସ୍ଥା କରନ୍ତୁ । |



| Ms. Jubuli Sahu<br>Junior Agrometeorologist,<br>AMFU, RRTTS, Chiplima | Dr. Sanjukta Mohapatra<br>ADR cum Nodal Officer<br>RRTTS, Chiplima |
|---|---|



---

- କୃଷି ରେ ଉତ୍ତମ ଲାଭ ପାଇଁ, **OUAT KALINGA** ପ୍ରଡକ୍ଟସ (ବିହନ, ଚାରା ରୋପଣ ଓ କ୍ୟୁପିଏମ୍, ଟିସୁ କଲଚର ପ୍ଲାଣ୍ଟ, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ୍, କୁକୁଡ଼ା ଛୁଆ, ମହୁମାଛି ଓ ସ୍ୱୋନ୍, ଜୈବ ସାର, ଜୈବ କୀଟନାଶକ, ଜିଆ ଏବଂ ଜିଆ ଖତ ଇତ୍ୟାଦି) ବ୍ୟବହାର କରନ୍ତୁ।
- ଭାରତ ପାଣିପାଗ ବିଭାଗର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ପାଇଁ ମେଘଦୂତ ମୋବାଇଲ ଆପ (https://play.gooogle.com/store/apps/details?id=com.aas.meghdoot) ତଥା ନିଜ ଅଞ୍ଚଳର ବିଜୁଳି କିମ୍ବା ବଜ୍ରପାତ ପୂର୍ବାନୁମାନ ପାଇଁ ଦାମିନୀ ଆପ (https://play.google.com/store/apps/details?id=com.lightening.live.damini) ଓ ସ୍ଥାନ ନିର୍ଦ୍ଦିଷ୍ଟ ପୂର୍ବାନୁମାନ ଏବଂ ଚେତାବନୀ ପାଇଁ ମୌସମ ଆପ ର ବ୍ୟବହାର କରିପାରିବେ।